
# ପାଠ - ୩

# ବୃତ୍ତ ଓ ଏହା ସମ୍ବନ୍ଧୀୟ ମାପ

ବିଦ୍ୟାଳୟରେ ଚିତ୍ର ପ୍ରତିଯୋଗିତା ହେଉଥାଏ । ପିଲାମାନଙ୍କୁ ସେମାନେ ଦେଖିଥିବା ବିଭିନ୍ନ ପ୍ରକାରର ଗାଡ଼ିର ଚିତ୍ର ଆଙ୍କିବାକୁ କୁହାଯାଇଥାଏ । କିଏ କେଉଁ ଚିତ୍ର ଆଙ୍କିଛନ୍ତି ଲକ୍ଷ୍ୟ କର ।




- କେଉଁ ପିଲାର ଚିତ୍ର ତୁମକୁ ଭଲ ଲାଗୁଛି ? କାହିଁକି ?
- ତୁମ ମନ ପସନ୍ଦର ଗାଡ଼ିର ଚିତ୍ର ଅଙ୍କନ କର ।
- ପ୍ରତ୍ୟେକ ଗାଡ଼ିର ଚକର ଆକୃତି କିପରି ?
- ଗାଡ଼ିର ଚକଗୁଡ଼ିକ ବର୍ଗାକୃତି ହୋଇଥିଲେ କ'ଣ ହୋଇଥାନ୍ତା ?



ଚକର ଆକୃତି ହେଉଛି ବୃତ୍ତ । ଆମ ଚାରିପଟରେ ଥିବା ଅନେକ ଜିନିଷରେ ଆମେ ବୃତ୍ତ ଆକୃତି ଦେଖିବାକୁ ପାଇଥାଉ । ତୁମେ ଦେଖୁଥିବା କେଉଁ ଜିନିଷର ଆକୃତି ବୃତ୍ତ ଭଳି ତା'ର ଏକ ତାଲିକା ତିଆରି କର ।



__________ __________

__________ __________

__________ __________





କାଗଜ ଉପରେ ଗୋଟିଏ ଚୁଡ଼ି ରଖ । ଏହାର ଧାରରେ ପେନ୍‌ସିଲ୍‌ରେ ଗାର ପକାଅ । ଏବେ ଚୁଡିଟିକୁ ଉଠାଇ ନିଅ । କାଗଜ ଉପରେ ତୁମେ ଗୋଟିଏ ଚିତ୍ର ପାଇବ । ଏ ପ୍ରକାର ଚିତ୍ରକୁ **ବୃତ୍ତ** କୁହାଯାଏ ।

ଆସ, ବୃତ୍ତ ଆକୃତି ତିଆରି କରିବା,

ହାସିନା, ଚୁନ୍ନୀ ଓ ଅନ୍ୟମାନେ ଚିତ୍ର ଆଙ୍କି ସାରିବା ପରେ ପଡିଆକୁ ଖେଳିବାକୁ ଗଲେ । ରୁମାଲ ଚୋରି ଖେଳିବା ପାଇଁ ପଡ଼ିଆ ମଝିରେ ଗୋଟିଏ ବଡ଼ ବୃତ୍ତର ଆକୃତି ଖାଲି ହାତରେ ତିଆରି କରିବା ପାଇଁ ଚେଷ୍ଟା କଲା ହାସିନା ।

ହାସିନାର ଚିତ୍ରକୁ ଦେଖି ପିଲାମାନେ କହିଲେ, "ହାସିନା କରିଥିବା ଚିତ୍ରଟି ବୃତ୍ତଭଳି ଦିଶୁନାହିଁ ।




(ସିଧା ଯିବା ମନା ପ୍ରବେଶ ନିଷେଧ) (ଆଗ ଗାଡ଼ିକୁ ଅତିକ୍ରମ / ଓଭର ଟେକିଂ କରିବା ମନା) (ଗାଡ଼ି ବେଗର ସୀମା)




ଉପରେ ଥିବା ଚିତ୍ରକୁ ଦେଖ ।

ରାସ୍ତା କଡରେ ଏପରି ଚିତ୍ର ଥିବା ବୋର୍ଡମାନ ଦେଖିଥିବ । ପ୍ରଥମ ଚିତ୍ରରେ ଆଗକୁ ଥିବା ରାସ୍ତାରେ ଯିବାକୁ ମନା କରାଯାଇଛି । ଦ୍ୱିତୀୟ ଚିତ୍ରରେ, ଆଗରେ ଯାଉଥିବା ଗାଡିକୁ ଅତିକ୍ରମ କରି ଆଗକୁ ଯିବାକୁ ମନା କରାଯାଇଛି । ତୃତୀୟ ଚିତ୍ରରେ, ଘଣ୍ଟାପ୍ରତି ୫୦ କି.ମି ବେଗରୁ ଅଧିକ ବେଗରେ ଗାଡି ଚଳାଇବାକୁ ମନା କରାଯାଇଛି ।

ଏ ସମସ୍ତ 'ରାସ୍ତା ନିରାପତ୍ତା' ସଙ୍କେତକୁ ମାନି ଗାଡି ଚଳାଇଲେ, ଗାଡି ଚାଳକର ଜୀବନ ନିରାପଦ ରହିବା ସଙ୍ଗେ ସଙ୍ଗେ ଗାଡିର ଯାତ୍ରୀ ତଥା ପଥିକମାନେ ନିରାପଦରେ ଯାତ୍ରା କରିବେ ।

ଯେଉଁ ବୃତ୍ତର ଆକୃତି ଭିତରେ ରାସ୍ତା ନିରାପତ୍ତା ଚିତ୍ରମାନ ରହିଛି, ଚୁନ୍ନୀ ସେପରି ବୃତ୍ତର ଆକୃତି ଆଙ୍କିବ । ଦେଖ ।

ଚୁନ୍ନୀ କହିଲା - "ଦେଖ, ମୁଁ ଏବେ ଯେଉଁ ବୃତ୍ତ ଆଙ୍କିବି ତାହା ହାସିନା ଆଙ୍କିଥିବା ଚିତ୍ରଠାରୁ ଭଲ ହେବ ।"




- ଜୋଶେଫ, ହାସିନା ଓ ଚୁନ୍ନି ଆଙ୍କିଥିବା ଚିତ୍ର ମଧ୍ୟରୁ କାହାର ଚିତ୍ରଟି ଅଧିକ ଭଲ ହୋଇଛି ? ତୁମର ସାଙ୍ଗମାନଙ୍କ ସହିତ ଆଲୋଚନା କରି ଲେଖ ।
- ତୁମେ ଶ୍ରେଣୀ ଚଟାଣରେ ଚକ୍ ସାହାଯ୍ୟରେ ତୁମେ ବୃତ୍ତ ଆଙ୍କି ପାରିବ କି ? ଚେଷ୍ଟା କରି ଦେଖ ।
- କେବଳ ପେନସିଲ୍ ବ୍ୟବହାର କରି ତୁମ ଖାତାରେ ତୁମେ ବୃତ୍ତ ତିଆରି କର ।
- ତୁମ ସାଙ୍ଗମାନେ ତିଆରି କରିଥିବା ବୃତ୍ତର ଚିତ୍ରଗୁଡ଼ିକୁ ଦେଖ । କିଏ ସବୁଠାରୁ ଭଲ ଭାବେ ବୃତ୍ତ ଚିତ୍ର ଆଙ୍କିଛି ?

ଶ୍ରେଣୀର ସବୁ ପିଲାଙ୍କୁ ଡାକି ବୁବୁ କହିଲା, ''କିପରି ବୃତ୍ତ ଆଙ୍କିବାକୁ ହୁଏ ମୁଁ ତୁମକୁ ଦେଖାଇବି । ମୋ ଜେଜେବାପା ଏହିପରି କରିଥିବାର ମୁଁ ଦେଖିଛି ।''

ଆସ ଦେଖିବା, ବୁବୁ କିପରି ବୃତ୍ତ ତିଆରି କଲା ।

- ଗୋଟିଏ ସୂତା ନେଇ ତାର ଦୁଇ ମୁଣ୍ଡରେ ଦୁଇଟି କଣ୍ଢା ବାନ୍ଧିଦେଲା ।
- ଗୋଟିଏ କଣ୍ଢାକୁ ଭୂଇଁ ଉପରେ ପୋତି ଦେଲା ।
- ନିଜର ସାଙ୍ଗମାନଙ୍କ ସହଯୋଗରେ ସେ ବୃତ୍ତ ଅଙ୍କନ କଲା । (ବୁବୁ ସବୁବେଳେ ନିଜେ ଧରିଥିବା ସୂତାଟିକୁ ଟାଣି କରି ଧରିବ, ଯେପରି ସୂତାଟି ସବୁବେଳେ ସଳଖ ରହେ ।)



**ତୁମ ପାଇଁ କାମ**

ବୁବୁ ଯେଉଁ ଭଳି ବୃତ୍ତ ତିଆରି କଲା, ତୁମେ ସେହି ଭଳି ଉପାୟରେ ଭୂମି ଉପରେ ବୃତ୍ତ ତିଆରି କରି ପାରିବ କି ? ଚେଷ୍ଟା କରି ଦେଖ ।

କେଉଁ କେଉଁ ଖେଳ ଖେଳିବା ବେଳେ ତୁମେ ବୃତ୍ତ ଆଙ୍କିଛ ମନେପକାଇ ଲେଖ ।

**ତୁମ ପାଇଁ କାମ**


- ତୁମ ଶ୍ରେଣୀର ପିଲାମାନେ ଦୁଇ-ଦୁଇ ଜଣ ହୋଇ ଦଳରେ ବସ ।
- ପ୍ରତ୍ୟେକ ଦଳ ଅଲଗା ଅଲଗା ଦୈର୍ଘ୍ୟର ସୂତା ନିଅ ।
- ପ୍ରତ୍ୟେକ ଦଳ ଦୁଇଟି ଲେଖାଏଁ କଣ୍ଢା ସଂଗ୍ରହ କର ।
- ସୂତାର ଦୁଇଟି ମୁଣ୍ଡରେ ଦୁଇଟି କଣ୍ଢାକୁ ବାନ୍ଧ ।
- ଗୋଟିଏ କଣ୍ଢାକୁ ଭୂଇଁରେ ପୋତି ଅନ୍ୟ କଣ୍ଢାଟିକୁ ଚାରିପଟେ ଘୁରାଇ ପ୍ରତ୍ୟେକ ଦଳ ଗୋଟିଏ ଗୋଟିଏ ବୃତ୍ତ ଅଙ୍କନ କର ।
- ପ୍ରତ୍ୟେକ ଦଳ ତିଆରି କରିଥିବା ବୃତ୍ତଗୁଡ଼ିକୁ ଲକ୍ଷ୍ୟ କର ।

ତୁମେ କରିଥିବା କାମକୁ ଲକ୍ଷ୍ୟକରି ନିମ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଲେଖ-

- କେଉଁ ଦଳ ସବୁଠାରୁ ବଡ଼ ଆକାରର ବୃତ୍ତ ତିଆରି କରିପାରିଲା ?
- କେଉଁ ଦଳ ତିଆରି କରିଥିବା ବୃତ୍ତର ଆକାର ସବୁଠାରୁ ସାନ ?
- ସବୁଠାରୁ ବଡ଼ ଆକାରର ବୃତ୍ତ ତିଆରି ପାଇଁ ଯେଉଁ ସୂତା ବ୍ୟବହାର ହୋଇଥିଲା ତା'ର ଦୈର୍ଘ୍ୟ କେତେ ?
- ଯେଉଁ ଦଳ ତିଆରି କରିଥିବା ବୃତ୍ତଟି ସବୁଠାରୁ ସାନ, ସେ ଦଳରେ ବ୍ୟବହାର କରାଯାଇଥିବା ସୂତାର ଦୈର୍ଘ୍ୟ କେତେ




**ଜାଣି ରଖ-** ବୃତ୍ତ ତିଆରି ପାଇଁ ବ୍ୟବହାର ହୋଇଥିବା ସୂତାର ଦୈର୍ଘ୍ୟ, ସେହି ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ସଙ୍ଗେ ସମାନ। ବୃତ୍ତର କେନ୍ଦ୍ରବିନ୍ଦୁ ଓ ବୃତ୍ତ ଉପରିସ୍ଥ ଏକ ବିନ୍ଦୁକୁ ଯୋଗକରୁଥିବା ରେଖାଖଣ୍ଡକୁ ଏକ **ବ୍ୟାସାର୍ଦ୍ଧ** କୁହାଯାଏ।






ତଳେ ଦିଆଯାଇଥିବା ବୃତ୍ତଗୁଡ଼ିକରେ ଗୋଟିଏ ଲେଖାଏଁ ବ୍ୟାସାର୍ଦ୍ଧ ଆଙ୍କ । ପ୍ରତ୍ୟେକ ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ନିର୍ଣ୍ଣୟ କରି ଲେଖ।



(ପ୍ରଥମ ଚିତ୍ର) (ଦ୍ୱିତୀୟ ଚିତ୍ର) (ତୃତୀୟ ଚିତ୍ର)

**ତୁମ ପାଇଁ କାମ**



- ଗୋଟିଏ ଚୁଡ଼ି ନିଅ।
- ଏହାକୁ ସାଧାକାଗଜ ପୃଷ୍ଠା ଉପରେ ଥୋଇ ଭଲ ଭାବରେ ଚାପି ଧର।
- ଏହାର ଧାର ଚାରିପଟେ ପେନସିଲ୍‌ରେ ଗାର ଦିଅ। ତୁମେ ନିଶ୍ଚିତ ଭାବେ ଗୋଟିଏ ବୃତ୍ତ ଆକୃତି ପାଇଥିବ।
- ଏହାର କେନ୍ଦ୍ରବିନ୍ଦୁକୁ ଚିହ୍ନେଇ ପାରିବ କି ?

ତୁମେ କିପରି କେନ୍ଦ୍ର ବିନ୍ଦୁ ଚିହ୍ନାଇ ପାରିବ ଲେଖ ।

### ତୁମ ପାଇଁ କାମ

- ଗୋଟିଏ ବୃତ୍ତାକୃତି ବିଶିଷ୍ଟ କାଗଜ ନିଅ ।



- ଏହାକୁ ଠିକ୍ ମଝିରୁ ଭାଙ୍ଗି ଦିଅ ଯେପରି ଦୁଇଟି ଯାକ ଭାଗର ଧାର ମିଶିଯିବ ।



- ଏହି ଭାଙ୍ଗ ଧାରଟି ବୃତ୍ତର ଗୋଟିଏ ବ୍ୟାସ ।
- ଏହାକୁ ସେହିପରି ଆଉ ଥରେ ମଝିରୁ ଭାଙ୍ଗି ଦିଅ ।



- ଏହାପରେ କାଗଜଟିକୁ ଖୋଲି ଦିଅ ।
- ଲକ୍ଷ୍ୟ କର, ଏଥିରେ ଦୁଇଟି ସିଧା ଭାଙ୍ଗ ପଡ଼ିଛି ଓ ତାହା ପରସ୍ପରକୁ ଛେଦ କରୁଛନ୍ତି ।



- ସେହି ଛେଦ ବିନ୍ଦୁ ହେଉଛି ବୃତ୍ତର କେନ୍ଦ୍ର ।

ଦିନେ ପିଲାମାନେ ଶିକ୍ଷକଙ୍କୁ ପ୍ରଶ୍ନ କଲେ - ''ଗୁରୁଜୀ, କେବଳ ଚୁଡ଼ି, ଗ୍ଲାସ ଭଳି ଗୋଲାକୃତି ତଳ ଥିବା ଜିନିଷ ବ୍ୟତୀତ ଆମେ ଆଉ କିପରି ବୃତ୍ତ ଅଙ୍କନ କରିପାରିବୁ ଟିକେ ବୁଝାଇ ଦିଅନ୍ତୁ ।''

ତୁମେ କହିପାରିବ କି ? ଆଉ କେଉଁ କେଉଁ ଉପାୟରେ ବୃତ୍ତ ଅଙ୍କନ କରାଯାଇ ପାରିବ ?

ବୁବୁ ଠିଆ ହୋଇ କହିଲା - ''ମୋ ଭଉଣୀ କମ୍ପାସ୍ ବ୍ୟବହାର କରି ବୃତ୍ତ ତିଆରି କରିବା ମୁଁ ଦେଖିଛି ।''

### ତୁମ ପାଇଁ କାମ






- ଜ୍ୟାମିତି ବାକ୍ସରେ ଥିବା କମ୍ପାସଟିକୁ ନିଅ ।
- ଲକ୍ଷ୍ୟ କର, ଏହାର ଦୁଇଟି ଗୋଡ଼ । ଗୋଟିଏ ଗୋଡ଼ରେ ପେନସିଲ ଖୋସିବା ପାଇଁ ବ୍ୟବସ୍ଥା କରାଯାଇଛି । ଅନ୍ୟ ଗୋଡ଼ଟି ଛୁଞ୍ଚିପରି ମୁନିଆଁ ।
- ପେନସିଲ ଖୋସିବା ପାଇଁ ଥିବା ଗୋଡ଼ରେ ପେନସିଲକୁ ଲଗାଇବାକୁ ଚେଷ୍ଟାକର (ଆବଶ୍ୟକ ପଡ଼ିଲେ ଅନ୍ୟ ସାଙ୍ଗ ବା ଶିକ୍ଷକଙ୍କ ସହାୟତା ନିଅ) ।
- ଏହାର ମୁନିଆଁ ଗୋଡ଼କୁ କାଗଜ ପୃଷ୍ଠା ଉପରେ ଚାପି ରଖ ।
- କମ୍ପାସର ମୁନିଆଁ ଗୋଡ଼କୁ ସ୍ଥିର ରଖି ପେନସିଲ ଲାଗିଥିବା ଗୋଡ଼କୁ ମୁନିଆଁ ଗୋଡ଼ ଚାରିପଟେ ଘୂରାଅ, ଯେପରି ପେନସିଲ ମୁନ ସବୁବେଳେ କାଗଜ ଉପରେ ଲାଗି ରହୁଥିବ ।
- ଏବେ ଥରେ ସଂପୂର୍ଣ୍ଣ ରୂପେ ଘୂରାଇ ଆଣ ।
- କେଉଁ ପ୍ରକାରର ଚିତ୍ର ପାଇଲ ?

ଯେଉଁଠାରେ କମ୍ପାସର ମୁନିଆଁ ଗୋଡ଼କୁ ତୁମେ ରଖିଥିଲ, ସେହି ବିନ୍ଦୁର ନାମ 'କ' ଦିଅ । 'କ' ବିନ୍ଦୁକୁ ବୃତ୍ତର କେନ୍ଦ୍ର କୁହାଯାଏ । ତୁମେ ଆଙ୍କିଥିବା ବୃତ୍ତରେ ଗୋଟିଏ ବ୍ୟାସାର୍ଦ୍ଧ ଅଙ୍କନ କର ଓ ଏହାର ନାମ ଦିଅ । ଏହି ବୃତ୍ତର କେତୋଟି ବ୍ୟାସାର୍ଦ୍ଧ ଅଙ୍କନ ସମ୍ଭବ ?


୧. ନିମ୍ନ ଉକ୍ତିଗୁଡ଼ିକ ମଧ୍ୟରୁ ଯେଉଁ ଉକ୍ତି ବୃତ୍ତ ପାଇଁ ଠିକ୍, ସେହି ଉକ୍ତିର ଡାହାଣ ପାଖରେ ଥିବା ଘରେ ଠିକ୍ ଚିହ୍ନ (✓) ଦିଅ । ଭୁଲ ଉକ୍ତି ପାଇଁ ଖାଲିଘରେ ଭୁଲ ଚିହ୍ନ (×) ଦିଅ ।

(କ) ବୃତ୍ତ ହେଉଛି ଗୋଲାକାର । ☐ (ଖ) ବୃତ୍ତର ପରିସୀମା ଅଛି । ☐

(ଗ) ବୃତ୍ତ ଏକ ଆବଦ୍ଧ ଚିତ୍ର । ☐ (ଘ) ବୃତ୍ତ ଏକ ସରଳରେଖା ଦ୍ୱାରା ଗଠିତ ଚିତ୍ର ☐

(ଙ) ପ୍ରତ୍ୟେକ ବୃତ୍ତର ମାତ୍ର ଗୋଟିଏ ବ୍ୟାସାର୍ଦ୍ଧ ଅଙ୍କନ କରାଯାଇ ପାରିବ । ☐

୨. ପାଖରେ ଦିଆଯାଇଥିବା ବୃତ୍ତକୁ ଦେଖ ।




(କ) ଏହାର କେନ୍ଦ୍ରବିନ୍ଦୁ ନାମ କ'ଣ ? ______________

(ଖ) ଏହି ବୃତ୍ତରେ ଅଙ୍କାଯାଇଥିବା ବ୍ୟାସାର୍ଦ୍ଧର ନାମ କ'ଣ ? ______________

(ଗ) ଏହାର ବ୍ୟାସାର୍ଦ୍ଧର ଦୈର୍ଘ୍ୟ କେତେ ମାପି ଲେଖ । ______________

(ଘ) ଖକ ବ୍ୟାସାର୍ଦ୍ଧକୁ 'ଖ' ଦିଗରେ ବଢ଼ାଅ । ବଢ଼ାଇବାରୁ ବୃତ୍ତକୁ ଯେଉଁ ବିନ୍ଦୁରେ ଛେଦ କରୁଛି, ତାହାର ନାମ 'ଗ' ଦିଅ ।

ବର୍ତ୍ତମାନ କ'ଣ ମିଳିଲା ? ______________

ଗକ ରେଖାଖଣ୍ଡକୁ ବୃତ୍ତର **ବ୍ୟାସ** କୁହାଯାଏ । ______________

(ଙ) ବୃତ୍ତର ବ୍ୟାସ ଦୈର୍ଘ୍ୟ କେତେ ?


(ଚ) ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ଓ ବ୍ୟାସର ଦୈର୍ଘ୍ୟ ମଧ୍ୟରେ କ'ଣ ସଂପର୍କ ଲକ୍ଷ୍ୟ କରୁଛ ?

**ତୁମ ପାଇଁ କାମ**


- ସୂତା କିମ୍ବା ମାପ ଫିତା ବ୍ୟବହାର କରି ସାଇକେଲ ଓ ଶଗଡ଼ ଗାଡ଼ି ଚକର ବ୍ୟାସାର୍ଦ୍ଧ ନିର୍ଣ୍ଣୟ କର ।
- ସାଇକେଲ ଓ ଶଗଡ଼ ଗାଡ଼ିର ଚକ ମଧ୍ୟରେ କାହାର ବ୍ୟାସାର୍ଦ୍ଧ ଅଧିକ ?
- ତୁମେ ଦେଖିଥିବା କେଉଁ ଗାଡ଼ିର ଚକର ବ୍ୟାସାର୍ଦ୍ଧ ସବୁଠାରୁ ଅଧିକ ?

# ଅଭ୍ୟାସ


୧.



(ପ୍ରଥମ ଚିତ୍ର)



(ଦ୍ୱିତୀୟ ଚିତ୍ର)



(ତୃତୀୟ ଚିତ୍ର)

(କ) ବୃତ୍ତ ତିନୋଟିକୁ ଦେଖି ତଳ ପ୍ରଶ୍ନଗୁଡ଼ିକର ଉତ୍ତର ଲେଖ ।

କେଉଁ ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ସବୁଠାରୁ ଅଧିକ ?

କେଉଁ ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ସବୁଠାରୁ କମ୍ ?

(ଖ) ସ୍କେଲ୍ ବ୍ୟବହାର କରି ପ୍ରତ୍ୟେକ ବୃତ୍ତର ବ୍ୟାସାର୍ଦ୍ଧ ନିର୍ଣ୍ଣୟ କରି ଲେଖ-

କେଉଁ ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ସବୁଠାରୁ ଅଧିକ ?

କେଉଁ ବୃତ୍ତର ବ୍ୟାସାର୍ଦ୍ଧର ଦୈର୍ଘ୍ୟ ସବୁଠାରୁ କମ୍ ?

୨. କମ୍ପାସ ବ୍ୟବହାର କରି ଟିଣ୍ଟୁ କେତୋଟି ଡିଜାଇନ୍ ପ୍ରସ୍ତୁତ କରିଛି । ଲକ୍ଷ୍ୟ କର ।





ତୁମେ ସେହିଭଳି ଆଉ କେତୋଟି ଡିଜାଇନ୍ ତିଆରି କରି ସେଥିରେ ଭିନ୍ନ ଭିନ୍ନ ରଙ୍ଗ ଦିଅ । ତୁମେ ତିଆରି କରିଥିବା ଡିଜାଇନ୍‌ଗୁଡ଼ିକୁ ଶ୍ରେଣୀ କୋଠରିରେ ଟାଙ୍ଗ ।

ଖୁବ୍ ଜୋରରେ ବର୍ଷା ହେଉଥାଏ । ପିଲାମାନେ ଖେଳିବାକୁ ପଡ଼ିଆକୁ ଯାଇପାରିଲେ ନାହିଁ । ବୁବୁ କହିଲା – ''ଚାଲ, ଶ୍ରେଣୀ କୋଠରିରେ ବସି ଗୋଟିଏ ନୂଆ କାମ କରିବା । ଆମ ଗାଁ / ସହର ବିଷୟରେ ଲେଖିବା । ''

କଳାପଟାରେ ସେ ନିଜ ଗାଁ ସଂପର୍କରେ କିଛି ଲେଖିଦେଇ ଅନ୍ୟମାନଙ୍କୁ ଖାଲିଘର ପୂରଣ କରିବାକୁ କହିଲା ।

| ଗ୍ରାମାଞ୍ଚଳ ପିଲାଙ୍କ ନିମନ୍ତେ | | ସହରାଞ୍ଚଳ ପିଲାଙ୍କ ନିମନ୍ତେ | |
|---|---|---|---|
| ଗ୍ରାମ | ________ | ସହରର ନାମ | ________ |
| ଡାକଘରର ନାମ | ________ | ୱାର୍ଡ଼ ନମ୍ବର | ________ |
| ଥାନାର ନାମ | ________ | ଡାକଘରର ନାମ | ________ |
| ଗ୍ରାମ ପଞ୍ଚାୟତର ନାମ | ________ | ଥାନାର ନାମ | ________ |
| ବ୍ଲକର ନାମ | ________ | ସବ୍‌ଡ଼ିଭିଜନର ନାମ | ________ |
| ସବ୍‌ଡ଼ିଭିଜନର ନାମ | ________ | ଜିଲ୍ଲାର ନାମ | ________ |
| ଜିଲ୍ଲାର ନାମ | ________ | ରାଜ୍ୟର ନାମ | ________ |
| ରାଜ୍ୟର ନାମ | ________ | | |

ବୁବୁ ଲେଖିଥିବା ତଥ୍ୟକୁ ରିମା ନିମ୍ନରେ ଦିଆଯାଇଥିବା ଭଳି ସଜାଇଲା । ଲକ୍ଷ୍ୟ କର ।




ରିମାର ସଜାଇବା ଦେଖି ଶିକ୍ଷକ ଖୁସି ହେଲେ । ଗୋଟିଏ ୪ସେ.ମି. ବ୍ୟାସାର୍ଦ୍ଧ ବିଶିଷ୍ଟ ବୃତ୍ତ ଆଙ୍କି ସେଥିରେ ପ୍ରତ୍ୟେକ ପିଲାଙ୍କୁ ଲେଖିବାକୁ କହିଲେ । ୪ ସେ.ମି. ବ୍ୟାସାର୍ଦ୍ଧ ବିଶିଷ୍ଟ ବୃତ୍ତ କିପରି ଅଙ୍କନ କରିବାକୁ ହେବ ତାହା ପଚାରିଲା ବୁବୁ ।

ଆସ ଦେଖିବା, କିପରି ଏକ ନିର୍ଦ୍ଦିଷ୍ଟ ଦୈର୍ଘ୍ୟର (ମନେ କରାଯାଉ ୪ ସେ.ମି.) ବ୍ୟାସାର୍ଦ୍ଧ ବିଶିଷ୍ଟ ବୃତ୍ତ ଅଙ୍କନ କରାଯାଏ ।

### ତୁମ ପାଇଁ କାମ




- କାଗଜପୃଷ୍ଠାର ମଧ୍ୟଭାଗରେ ଗୋଟିଏ ବିନ୍ଦୁ ନିଅ ।
- ସ୍କେଲର '୦' ଚିହ୍ନିତ ଦାଗ ଉପରେ କମ୍ପାସ ମୁନକୁ ରଖ ।
- ପେନସିଲର ମୁନ ଯେପରି ୪ ଉପରେ ରହିବ, ସେପରି କମ୍ପାସର ଦୁଇ ଗୋଡ଼କୁ ମେଲା କର ।
- ପ୍ରଥମେ ନେଇଥିବା ବିନ୍ଦୁରେ କମ୍ପାସର ମୁନକୁ ରଖି କମ୍ପାସରେ ଲଗାଯାଇଥିବା ପେନସିଲ୍‌ର ମୁନକୁ ବିନ୍ଦୁ ଚାରିପଟେ ଘୂରାଅ ।
- ଘୁରାଇବା ଦ୍ୱାରା ଯେଉଁ ବୃତ୍ତ ଚିତ୍ରଟି ସୃଷ୍ଟି ହେଲା ତାହାର ବ୍ୟାସାର୍ଦ୍ଧ ୪ ସେ.ମି. ।
- ଏବେ ତୁମେ ଗୋଟିଏ ୫ ସେ.ମି. ବ୍ୟାସାର୍ଦ୍ଧ ବିଶିଷ୍ଟ ବୃତ୍ତ ଅଙ୍କନ କରି ସେଥିରେ ରିମା ସଜାଇଥିବା ଭଳି ତୁମ ଗ୍ରାମ / ସହର ସଂପର୍କୀୟ ତଥ୍ୟକୁ ସଜାଅ ।

# ଅଭ୍ୟାସ

୧. ଗୋଟିଏ କେନ୍ଦ୍ରବିନ୍ଦୁ ଥାଇ ୨ ସେ.ମି., ୩ ସେ.ମି., ୪ ସେ.ମି. ବ୍ୟାସାର୍ଦ୍ଧ ବିଶିଷ୍ଟ ବୃତ୍ତମାନ ଅଙ୍କନ କର ।


୨. ପାଖରେ ଥିବା ବୃତ୍ତ ଉପରେ ଏପରି ଭାବେ ସାତଟି ବିନ୍ଦୁ ନିଅ ଯେପରି ମାତ୍ର ଦୁଇଟି ବ୍ୟାସ ଓ ସାତଟି ବ୍ୟାସାର୍ଦ୍ଧ ଅଙ୍କନ ହୋଇ ପାରିବ । ସେହି ବ୍ୟାସ ଓ ବ୍ୟାସାର୍ଦ୍ଧଗୁଡ଼ିକର ନାମ ଲେଖ ।




| ବ୍ୟାସର ନାମ | ବ୍ୟାସାର୍ଦ୍ଧର ନାମ |
|---|---|
| | |

୩.(କ) ଚିତ୍ରରେ ୧ ମ ବୃତ୍ତର ବ୍ୟାସାର୍ଦ୍ଧ କିଏ ? ____________


(ଖ) ଚିତ୍ରରେ ୨ ୟ ବୃତ୍ତର ବ୍ୟାସାର୍ଦ୍ଧ କିଏ ? ____________




୧ ମ ବୃତ୍ତ    ୨ ୟ ବୃତ୍ତ

## ନଟୁ ତିଆରି ଖେଳ -

ଚାରିଜଣ ପିଲା ମୋଟା କାଗଜ (କାଗଜପଟି) ନେଇ ସେଥିରେ ସମାନ ଆକାରର ବୃତ୍ତ ତିଆରି କଲେ । ସେହି କାଗଜପଟିରେ କଣା କରି ସେଥିରେ ଗୋଟିଏ ଦିଆସିଲି କାଠି ଭର୍ତ୍ତି କଲେ ଓ ତାହାକୁ ନଟୁ ଭାବରେ ଘୁରାଇବା ପାଇଁ ଚେଷ୍ଟା କଲେ ।




କାଗଜପଟିରେ କିଏ କେଉଁଠାରେ କଣା କରି ଦିଆସିଲି କାଠିକୁ ଭର୍ତ୍ତି କରିଛି ଦେଖ । ସାଙ୍ଗମାନଙ୍କ ସହ ଆଲୋଚନା କରି ଉତ୍ତର ସ୍ଥିର କର, ତୁମ ଉତ୍ତର ସପକ୍ଷରେ କାରଣ ଦର୍ଶାଅ-

- କାହାର ନଟୁ ଆଦୌ ଘୁରିବ ନାହିଁ ?
- କାହାର ନଟୁ ଅଳ୍ପ ସମୟ ପାଇଁ ଘୁରିବ ?
- କାହାର ନଟୁ ସବୁଠାରୁ ଭଲ ଭାବରେ ଘୁରିବ ?
- କେଉଁଠାରେ କଣା କରାଗଲେ ନଟୁଟି ଭଲଭାବରେ ଘୁରିବ ?